ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

କୋଭିଡ୍-୧୯ ପି.ଆର୍. ନଂ-୩୭
ଅପରାହ୍ଣ-୪.୩୦ ଘଟିକା

# ପ୍ରେସ୍ ବିବୃତି

ଭୁବନେଶ୍ୱର : ୧୮ ଅପ୍ରେଲ,୨୦୨୦

କରୋନା ଭୂତାଣୁ ରୋଗ (କୋଭିଡ୍-୧୯)ର ସଂକ୍ରମଣକୁ ପ୍ରତିହତ କରିବା ନିମନ୍ତେ ଓଡ଼ିଶା ସରକାର ଗ୍ରହଣ କରିଥିବା ବିଭିନ୍ନ ପଦକ୍ଷେପ ଉପରେ ରାଜ୍ୟ ସରକାରଙ୍କ ମୁଖ୍ୟ ମୁଖପାତ୍ର ଶ୍ରୀ ସୁବ୍ରତ ବାଗ୍‌ଚୀ, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀ ନିକୁଞ୍ଜ ବିହାରୀ ଧଳ, ସୂଚନା ଓ ଲୋକସଂପର୍କ ବିଭାଗର କମିଶନର ତଥା ଶାସନ ସଚିବ ଶ୍ରୀ ସଂଜୟ କୁମାର ସିଂ ଏବଂ କଟକ ମହାନଗର ନିଗମ କମିଶନର ଶ୍ରୀମତୀ ଅନନ୍ୟା ଦାସ ଆଜି ଅପରାହ୍ଣରେ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କୋଭିଡ୍-୧୯ କଷ୍ଟକର ପରିସ୍ଥିତିରେ ରାଜ୍ୟର ୧୧୪ଟି ପୌରାଞ୍ଚଳରେ ରହୁଥିବା ଅର୍ଥନୈତିକ ଦୁର୍ବଳ ଶ୍ରେଣୀର ଲୋକଙ୍କୁ ରୋଜଗାର ଯୋଗାଇଦେବା ପାଇଁ ୧୦୦ କୋଟି ଟଙ୍କାର ଯୋଜନା ଘୋଷଣା କରିଛନ୍ତି । 'ଅର୍ବାନ୍ ୱେଜ୍ ଏମ୍ପ୍ଲୟମେଣ୍ଟ ଇନିସିଏଟିଭ୍' ନାମରେ ଆରମ୍ଭ ହୋଇଥିବା ଏହି ଶ୍ରମଭିତ୍ତିକ ଯୋଜନାରେ ସହରାଞ୍ଚଳର ୪.୫ ଲକ୍ଷ ପରିବାରରେ ରହୁଥିବା ଶ୍ରମିକ, ଗରିବ ଲୋକ ଓ ଦିନ ମଜୁରିଆ ଶ୍ରେଣୀର ଲୋକମାନଙ୍କ ପାଇଁ ଜୀବିକା ସୃଷ୍ଟି କରାଯିବ । ଚଳିତ ଅପ୍ରେଲ ମାସରୁ ଆରମ୍ଭ ହୋଇ ଏହି ଯୋଜନା ସେପ୍ଟେମ୍ବର ମାସ ପର୍ଯ୍ୟନ୍ତ ଚାଲିବ । ମିଶନ ଶକ୍ତିର ମା'ମାନଙ୍କ ସହାୟତା ଓ ସହଭାଗିତାରେ ଏହି କାର୍ଯ୍ୟକ୍ରମ କରାଯିବ । ହିତାଧିକାରୀମାନଙ୍କ ମଜୁରୀ ପ୍ରତି ସପ୍ତାହରେ ସେମାନଙ୍କ ବ୍ୟାଙ୍କ ଆକାଉଣ୍ଟକୁ ସିଧାସଳଖ ପଠାଯିବ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶ କ୍ରମେ କୋଭିଡ୍-୧୯ ମୁକାବିଲା ନିମନ୍ତେ ଓଡ଼ିଶାରେ ସ୍ୱତନ୍ତ୍ର କୋଭିଡ୍ ହସ୍‌ପିଟାଲ୍‌ଗୁଡ଼ିକ ଯୁଦ୍ଧକାଳୀନ ଭିତ୍ତିରେ ପ୍ରସ୍ତୁତ କରାଯାଉଛି । ଆଜି ମୁଖ୍ୟ ଶାସନ ସଚିବ ଶ୍ରୀ ଅସିତ ତ୍ରିପାଠୀ ଏବଂ ମୁଖ୍ୟମନ୍ତ୍ରୀଙ୍କ ସଚିବ ଶ୍ରୀ ଭି. କେ. ପାଣ୍ଡିଆନ୍ ବରଗଡ଼, ବଲାଙ୍ଗୀର, ସୋନପୁର ଏବଂ କନ୍ଧମାଳ ଗସ୍ତ କରି ଏହି ଜିଲ୍ଲାମାନଙ୍କରେ କୋଭିଡ୍-୧୯ ହସ୍‌ପିଟାଲ୍ ପ୍ରସ୍ତୁତି ଓ ପରିଚାଳନାର ସମୀକ୍ଷା କରିଛନ୍ତି । ଏଥି ସହିତ ଏହି ଜିଲ୍ଲାଗୁଡ଼ିକରେ କୃଷି କାର୍ଯ୍ୟର ଅଗ୍ରଗତିର ମଧ୍ୟ ସମୀକ୍ଷା କରିଛନ୍ତି ।

- ଭିମ୍‌ସାର, ବୁର୍ଲାକୁ ଆଜି କୋଭିଡ୍-୧୯ ନମୁନା ପରୀକ୍ଷା ପାଇଁ ଅନୁମତି ମିଳିଛି । ଏହାକୁ ମିଶାଇ ବର୍ତ୍ତମାନ ସୁଦ୍ଧା ରାଜ୍ୟରେ ୩ଟି ମେଡିକାଲ୍ କଲେଜ୍, ୪ଟି ସରକାରୀ ସ୍ୱାସ୍ଥ୍ୟାନୁଷ୍ଠାନ ଓ ଗୋଟିଏ ଘରୋଇ ହସ୍‌ପିଟାଲ୍‌ରେ କୋଭିଡ୍-୧୯ ନମୁନା ପରୀକ୍ଷାର ସୁବିଧା ଉପଲବ୍ଧ ହେଉଛି ।

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ଭୁବନେଶ୍ୱରେ କୋଭିଡ୍-୧୯ ପରୀକ୍ଷଣକୁ ବ୍ୟାପକ କରାଯାଇଛି । ଏଥି ନିମନ୍ତେ ଆଇସିଏମ୍ଆର୍ ଏବଂ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ, ଓଡ଼ିଶା ଦ୍ୱାରା ପ୍ରଦତ୍ତ ନିୟମାନୁସାରେ ସମ୍ବେଦନପ୍ରବଣ ବର୍ଗଙ୍କର ଅଗ୍ରାଧିକାର ଭିତ୍ତିରେ ତାଲିକା ପ୍ରସ୍ତୁତ କରାଯାଇ ପରୀକ୍ଷା କରାଯାଉଛି । ଗସ୍ତ ଇତିହାସ ଥିବା ବ୍ୟକ୍ତିବିଶେଷ, କରୋନା ରୋଗୀଙ୍କ ସଂସ୍ପର୍ଶରେ ଆସିଥିବା ବ୍ୟକ୍ତି, ସ୍ୱାସ୍ଥ୍ୟକର୍ମୀ, ସଫେଇ କର୍ମଚାରୀ, ଇନ୍‌ଫ୍ଲୁଏଞ୍ଜା ଓ ଶ୍ୱାସକ୍ରିୟାରେ କଷ୍ଟ ପରି ଲକ୍ଷଣ ଥିବା ବ୍ୟକ୍ତିମାନଙ୍କର ପରୀକ୍ଷା ଅଗ୍ରାଧିକାର ଭିତ୍ତିରେ କରାଯାଉଛି । ଏଥି ସହ ବିଭିନ୍ନ କ୍ଲଷ୍ଟରରେ ର୍‍ୟାଣ୍ଡମ୍ ପରୀକ୍ଷା କରାଯିବ । ତଦନୁଯାୟୀ ବିଭିନ୍ନ ରେସିଡେଣ୍ଟ ୱେଲ୍‌ଫେୟାର ଆସୋସିଏସନ୍, ପୂଜା କମିଟି, ୱାର୍ଡ ଅଫିସର, ଏଏନ୍ଏମ୍ ଏବଂ ଅଙ୍ଗନବାଡ଼ି କର୍ମୀଙ୍କ ସହାୟତାରେ ଚିହ୍ନିତ ବ୍ୟକ୍ତିଙ୍କର ନମୁନା ସଂଗ୍ରହ କରାଯାଉଛି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଦ୍ୱିତୀୟ ପର୍ଯ୍ୟାୟ ଲକ୍ ଡାଉନ୍ ସମୟରେ ପୁରୀ ଓ ସୁନ୍ଦରଗଡ଼ ଜିଲ୍ଲା ପ୍ରଶାସନ ପ୍ରଥମରୁ ଅଷ୍ଟମ ଶ୍ରେଣୀର ଛାତ୍ରଛାତ୍ରୀଙ୍କ ଘରେ ଚଳିତ ମାସ ୨୫ ତାରିଖ ମଧ୍ୟରେ ପାଠ୍ୟପୁସ୍ତକ ପହଞ୍ଚାଇ ଦେବାର ଲକ୍ଷ୍ୟ ଧାର୍ଯ୍ୟ କରି କାର୍ଯ୍ୟ ଆରମ୍ଭ କରିଥିବାରୁ ଉଭୟ ଜିଲ୍ଲା ପ୍ରଶାସନକୁ ପ୍ରଶଂସା କରିଛନ୍ତି ।

- ପୂର୍ବରୁ ଘୋଷିତ ଲକ୍ ଡାଉନ୍ ଅବଧିକୁ ଅପ୍ରେଲ୍ ୩୦ରୁ ଆସନ୍ତା ମଇ ମାସ ୩ ତାରିଖ ମଧ୍ୟରାତ୍ରି ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି । ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ତରଫରୁ ଏହି ମର୍ମରେ ନିର୍ଦ୍ଦେଶନାମା ଜାରି କରାଯାଇଛି ।

- ଓଡ଼ିଶାର ବିଭିନ୍ନ ସ୍ଥାନରେ ଅଟକି ରହିଥିବା ବାହାର ରାଜ୍ୟର ପ୍ରାୟ ୭୮,୦୦୦ ଅତିଥି ଶ୍ରମଜୀବୀଙ୍କୁ ୨୫୮୩ ଟି ଶିବିର ଜରିଆରେ ଖାଇବା ଓ ରହିବା ସୁବିଧା ସହିତ ଆବଶ୍ୟକ ସ୍ୱାସ୍ଥ୍ୟସେବା ଯୋଗାଇ ଦିଆଯାଇଛି । ଏହି ସବୁ ଅତିଥି ଶ୍ରମଜୀବୀ ମାନେ ଦେଶର ଅନ୍ୟାନ୍ୟ ରାଜ୍ୟରୁ ଆସି ଓଡ଼ିଶାର ବିଭିନ୍ନ ସ୍ଥାନରେ ରହିଛନ୍ତି । ଅଭିଯୋଗ ଗ୍ରହଣ ପାଇଁ ଶ୍ରମଜୀବୀ ସହାୟତା କଲ୍ ସେଣ୍ଟର ଟୋଲ୍ ଫ୍ରି ନଂ-୧୮୦୦୩୪୫୬୭୦୩ ଜାରି କରାଯାଇଛି ।

- ଆଜି ରାଜ୍ୟର ୫୪୬୦ ଗ୍ରାମ ପଞ୍ଚାୟତରେ ୩,୪୧,୧୨୭ ଜଣ ନିରାଶ୍ରୟ ଓ ଅସହାୟ ଲୋକଙ୍କୁ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇଛି । ସେହିପରି ୧୧୪ ଟି ପୌରାଞ୍ଚଳରେ ୩୯,୧୧୭ ଜଣଙ୍କୁ ରନ୍ଧାଖାଦ୍ୟ ଦିଆଯାଇଛି ।

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଅପ୍ରେଲ ୧୭ରୁ ଅପ୍ରେଲ ୧୮ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ୭୩ଟି ମାମଲା ଦାୟର କରାଯାଇଛି । ସେଥିରୁ ୬୯ଟି ମାମଲା ଲକ୍ ଡାଉନ୍ ସଂପର୍କିତ ହୋଇଥିବାବେଳେ ୧ଟି 'ହୋମ୍ କ୍ୱାରାଣ୍ଟାଇନ୍' ଉଲ୍ଲଂଘନ ପାଇଁ ଏବଂ ୩ଟି ଅନ୍ୟାନ୍ୟ କାରଣ ପାଇଁ ଅଟେ । ବିଭିନ୍ନ ଅଭିଯୋଗରେ ୬୭ ଜଣଙ୍କୁ ଗିରଫ କରାଯାଇଛି ।

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୬୧୯ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୬୧ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୨୪ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ଜଣେ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୩୬ ରହିଛି ।
- ୧୦୩ ଜଣ ହସ୍ପିଟାଲ୍ ଆଇସୋଲେସନ୍‌ରେ ଅଛନ୍ତି ।

ସୁଚେତା ପ୍ରିୟଦର୍ଶିନୀ
ସୂଚନା ଅଧିକାରୀ

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**